# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 38 CUTTACK, FRIDAY, JANUARY 1, 2016/PAUSA 11, 1937**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 3 ଅକ୍ଟୋବର 2015

ସଂଖ୍ୟା 28201—RDM-LAA-JAJ-0022-2013-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କିଆନାଳି ଠାରୁ ସୁନ୍ଦରୀମୁହଁ ଭାୟା ମାଂସାପୋଲ-ଅଠରନଳା ଓ ପ୍ରହରାଜପୁର ମଧ୍ୟ ଦେଇ ରାସ୍ତା ସଂପ୍ରସାରଣ ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା ୟୁନିଟ-୧୮ ମହାବୀର ନଗର, ଥାନା ଯାଜପୁର ନଂ ୨୦୪, ଜିଲ୍ଲା ଯାଜପୁରରେ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ; ତେଣୁ ଏତଦ୍ଵାରା ଘୋଷଣା କରାଯାଉଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 1.373 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ଵାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମ 1ର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 26589-ରାବିପ., ତା 9 ଜୁଲାଇ 2013 ରିଖ ଏବଂ ରାଜପତ୍ର ସଂଖ୍ୟା 1517, ତା 6 ଅଗଷ୍ଟ 2013 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ତହସିଲଦାର ତଥା ଭୁ-ଅର୍ଜନ ଅଧିକାରୀ, ଯାଜପୁରଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ


Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1339—173+20